ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

# ସୂଚନା ଓ ଲୋକସଂପର୍କ ବିଭାଗର ବରିଷ୍ଠ ଅଧିକାରୀଙ୍କ ଅବସର

ଭୁବନେଶ୍ୱର, ୦୨ ମାର୍ଚ୍ଚ ୨୦୨୦

ସୂଚନା ଓ ଲୋକସଂପର୍କ ବିଭାଗର ବରିଷ୍ଠ ଅଧିକାରୀ ତଥା ଉପନିର୍ଦ୍ଦେଶକ ଶ୍ରୀ ରବିନ୍ଦ୍ର କୁମାର ନାୟକ ଫେବୃଆରୀ ୨୯ ତାରିଖ ଦିନ ଅବସର ଗ୍ରହଣ କରିଛନ୍ତି ।

ଏହି ଉପଲକ୍ଷେ ଆଜି ସୂଚନା ଓ ଲୋକସଂପର୍କ ବିଭାଗ ସମ୍ମିଳନୀ କକ୍ଷରେ ଏକ ବିଦାୟକାଳୀନ ସଭାର ଆୟୋଜନ କରାଯାଇଥିଲା । ଏଥିରେ ବିଭାଗୀୟ ନିର୍ଦ୍ଦେଶକ ଶ୍ରୀ କୃପାସିନ୍ଧୁ ମିଶ୍ର ଅଧକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ନିର୍ଦ୍ଦେଶକ(ବୈଷୟିକ) ଶ୍ରୀ ନିରଞ୍ଜନ ସେଠୀ, ଯୁଗ୍ମ ନିର୍ଦ୍ଦେଶକ ଶ୍ରୀ ବିପିନ ବିହାରୀ ବାରିକୀ ପ୍ରମୁଖ ଅନ୍ୟତମ ଅତିଥି ଭାବେ ଯୋଗଦେଇ ଶ୍ରୀ ନାୟକଙ୍କର କାର୍ଯ୍ୟଦକ୍ଷତା ସଂପର୍କରେ ଆଲୋକପାତ କରିଥିଲେ । ଏଥିରେ ଅନ୍ୟମାନଙ୍କ ମଧ୍ୟରେ ବରିଷ୍ଠ ଅଧିକାରୀ ଶ୍ରୀ ସୂର୍ଯ୍ୟ ରଞ୍ଜନ ମହାନ୍ତି, ଶ୍ରୀ ଲଲାଟେନ୍ଦୁ ମହାପାତ୍ର, ସୁଚେତା ପ୍ରିୟଦର୍ଶନୀ, ରବିନାରାୟଣ ବେହେରା, ଭୁବନେଶ୍ୱରସ୍ଥ ସୂଚନା ଓ ଲୋକସଂପର୍କ କାର୍ଯ୍ୟାଳୟର ବରିଷ୍ଠ କର୍ମଚାରୀ ଶ୍ରୀ ଶକ୍ତିପ୍ରସାଦ ରାଉତ ପ୍ରମୁଖ ଶ୍ରୀ ନାୟକଙ୍କୁ ଜଣେ ସରଳ, ଅମାୟିକ ବ୍ୟକ୍ତି ଭାବରେ ବର୍ଣ୍ଣନା କରିବା ସହ ତାଙ୍କର ଉତ୍ତମ କାର୍ଯ୍ୟଶୈଳୀ ଓ କାର୍ଯ୍ୟଦକ୍ଷତା ଉପରେ ଆଲୋକପାତ କରିଥିଲେ ।

ସଭାରେ ଶ୍ରୀ ନାୟକଙ୍କୁ ପୁଷ୍ପଗୁଚ୍ଛ ଓ ଉତ୍ତରୀୟ ଦେଇ କର୍ମଚାରୀମାନେ ତାଙ୍କର ସୁସ୍ଥ, ନିରାମୟ ଜୀବନ କାମନା କରିଥିଲେ । ବିଭାଗୀୟ ଯୁଗ୍ମ ନିର୍ଦ୍ଦେଶକ ଶ୍ରୀ ବରଦା ପ୍ରସନ୍ନ ଦାସ ଧନ୍ୟବାଦ ଅର୍ପଣ କରିଥିଲେ । ଏହି ସଭାରେ ବିଭାଗର ଅଧିକାରୀ ଓ କର୍ମଚାରୀମାନେ ଉପସ୍ଥିତ ରହି ଶ୍ରୀ ନାୟକଙ୍କୁ ବିଦାୟକାଳୀନ ସମ୍ବର୍ଦ୍ଧନା ଜ୍ଞାପନ କରିଥିଲେ ।

ରବି ନାରାୟଣ ବେହେରା
ସୂଚନା ଅଧିକାରୀ